ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୬ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୦୯୦୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୫୪ ଜଣ ।

ଅନୁଗୋଳ, ତା,୩୦.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୩୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୯୧ ରେ ସିମୀତ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୩ଜଣ ( ୯ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ (୩ ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା),ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି କଣିହା ବ୍ଲକ୍ ,ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୩ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୪ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୨ଜଣ କୋଭିଡ ହସପିଟାଲରୁ ଓ ୫୨ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୮୫ ତା.୩୦.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ